# କେନ୍ଦୁଝର : ମାର୍ଚ୍ଚ ମାସ ପାଇଁ ଜିଲ୍ଲାପାଳ ଓ ଏସ୍.ପି.ଙ୍କ ମିଳିତ ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମ ପ୍ରକାଶ ପାଇଲା

କେନ୍ଦୁଝର, ତା ୦୨.୦୩. ୨୦୨୪ ମସିହା ମାର୍ଚ୍ଚ ମାସ ପାଇଁ ଜିଲ୍ଲାପାଳ ଓ ଏସ୍.ପି.ଙ୍କ ମିଳିତ ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମ ପ୍ରକାଶ ପାଇଛି । ତା୦୪.୦୩.୨୦୨୪ରିଖ ସୋମବାର ଦିନ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ଦରବାରହଲ୍‌ଠାରେ, ତା୧୧.୦୩.୨୦୨୪ରିଖ ସୋମବାର ଦିନ ଝୁମ୍ପୁରା ବ୍ଲକ୍ କାର୍ଯ୍ୟାଳୟଠାରେ ଏବଂ ତା୧୮.୦୩.୨୦୨୪ରିଖ ସୋମବାର ଦିନ ତେଲକୋଇ ବ୍ଲକ୍ କାର୍ଯ୍ୟାଳୟଠାରେ ମିଳିତ ଅଭିଯୋଗ ଶୁଣାଣୀ ଅନୁଷ୍ଠିତ ହେବ ବୋଲି ଜିଲ୍ଲା ସୂଚନା ଓ ଲୋକ ସଂପର୍କ କାର୍ଯ୍ୟାଳୟ ତରଫରୁ ସୂଚନା ଦିଆଯାଇଛି । ଏହି ମିଳିତ ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମ ସଂପର୍କରେ ବିହିତ ପଦକ୍ଷେପ ନେବାକୁ ଜିଲ୍ଲାପାଳ ଶ୍ରୀ ବିଶାଲ ସିଂହ ସଂପୃକ୍ତ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏତଦ୍‌ବ୍ୟତୀତ କାର୍ଯ୍ୟସୂଚୀ ଅନୁଯାୟୀ ଅଭିଯୋଗ ଶୁଣାଣୀ ସ୍ଥାନମାନଙ୍କରେ ଚିକିତ୍ସା, ଜାତୀୟ ସ୍ୱାସ୍ଥ୍ୟ ମିଶନ, ଶ୍ରମ, ମହିଳା ଓ ଶିଶୁ ବିକାଶ, ସାମାଜିକ ସୁରକ୍ଷା, ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ, ଜଳଛାୟା, ଯୋଗାଣ ବିଭାଗ ତରଫରୁ (ନିର୍ଦ୍ଧାରିତ ସ୍ଥାନମାନଙ୍କରେ) ସଚେତନତା କାର୍ଯ୍ୟକ୍ରମ ଆୟୋଜନ କରିବା ପାଇଁ ସଂପୃକ୍ତ ଜିଲ୍ଲାସ୍ତରୀୟ ଅଧିକାରୀମାନଙ୍କୁ ଜିଲ୍ଲାପାଳ ଶ୍ରୀ ସିଂହ ନିର୍ଦ୍ଦେଶ ଦେଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀଙ୍କ କାର୍ଯ୍ୟାଳୟ, କେନ୍ଦୁଝର